ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/HTH(Od)/246/ 22-02-2024**

## ରାଜ୍ୟ ସ୍ତରୀୟ ହସ୍ତଶିଳ୍ପ ପ୍ରଦର୍ଶନୀ ଉଦ୍‌ଘାଟିତ
## ଭାଗ ନେଉଛନ୍ତି ୨୩ ଟି ଜିଲ୍ଲାର ପ୍ରାୟ ୧୨୦ ହସ୍ତଶିଳ୍ପ କାରିଗର

ଭୁବନେଶ୍ୱର, ତା.୨୨/୦୨/୨୦୨୪

ହସ୍ତତନ୍ତ, ବୟନ ଏବଂ ହସ୍ତଶିଳ୍ପ ମନ୍ତ୍ରୀ ଶ୍ରୀମତୀ ରୀତା ସାହୁ ଆଜି ସନ୍ଧ୍ୟାରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ରାଜ୍ୟ ସ୍ତରୀୟ ହସ୍ତତନ୍ତ ପ୍ରଦର୍ଶନୀକୁ ଉଦ୍‌ଘାଟନ କରିଛନ୍ତି । ହସ୍ତଶିଳ୍ପ ନିର୍ଦ୍ଦେଶକ ଶ୍ରୀମତୀ ପ୍ରଶତି ଛୋଟରାୟ, ଉତ୍କଳିକାର ପରିଚାଳନା ନିର୍ଦ୍ଦେଶକ ଶ୍ରୀମତୀ କଲ୍ୟାଣୀ ପଟ୍ଟନାୟକ ଏବଂ ହସ୍ତତନ୍ତ, ବୟନ ଏବଂ ହସ୍ତଶିଳ୍ପ ବିଭାଗର ସ୍ୱତନ୍ତ୍ର ସଚିବ ଶ୍ରୀ ସରୋଜ କୁମାର ପଟେଲ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ । ଏହି ଅବସରରେ ପଦ୍ମଶ୍ରୀ ବିନୋଦ ମହାରଣାଙ୍କୁ ସମ୍ମାନିତ କରାଯାଇଥିଲା ।

ହସ୍ତଶିଳ୍ପ କାରିଗରମାନଙ୍କ ଉତ୍ପାଦିତ ସାମଗ୍ରୀଗୁଡ଼ିକର ବିକ୍ରିବଟାର ସହାୟତା ନିମନ୍ତେ ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗ ଅନ୍ତର୍ଗତ ହସ୍ତଶିଳ୍ପ ନିର୍ଦ୍ଦେଶାଳୟ ମାଧ୍ୟମରେ ଚଳିତ ବର୍ଷ ଏହି ରାଜ୍ୟସ୍ତରୀୟ ପ୍ରଦର୍ଶନୀ ଭୁବନେଶ୍ୱରସ୍ଥ ଇଡ୍‌କୋ ପ୍ରଦର୍ଶନୀ ପଡ଼ିଆ, ୟୁନିଟ୍-୩ଠାରେ ଆୟୋଜିତ ହୋଇଛି । ଏହି ପ୍ରଦର୍ଶନୀରେ ୨୩ ଗୋଟି ଜିଲ୍ଲାର ପ୍ରାୟ ୧୨୦ ଜଣ ହସ୍ତଶିଳ୍ପ କାରିଗରାଙ୍କୁ ବିନାଦେୟରେ ଷ୍ଟଲ ପ୍ରଦାନ କରାଯାଇଛି । ଅଂଶଗ୍ରହଣ କରୁଥିବା ଜିଲ୍ଲାଗୁଡ଼ିକରେ ମଧ୍ୟରେ କେନ୍ଦୁଝର, ଯାଜପୁର, ବାଲେଶ୍ୱର, ବରଗଡ଼, ଖୋର୍ଦ୍ଧା, ନୟାଗଡ଼, ଢେଙ୍କାନାଳ, ମୟୂରଭଞ୍ଜ, କଟକ, ନବରଙ୍ଗପୁର, କେନ୍ଦ୍ରାପଡ଼ା, ପୁରୀ, ସୁନ୍ଦରଗଡ଼, ଗଞ୍ଜାମ, କଳାହାଣ୍ଡି, ରାୟଗଡ଼ା, ବଲାଙ୍ଗିର, ବୌଦ୍ଧ, ଗଜପତି, ଜଗତସିଂହପୁର, ଝାରସୁଗୁଡ଼ା, ନୂଆପଡ଼ା ଓ ଭଦ୍ରକ ରହିଛନ୍ତି ।

ଓଡ଼ିଶାର ହସ୍ତଶିଳ୍ପର ନିଜସ୍ୱ ସ୍ୱତନ୍ତ୍ର ପରିଚୟ ରହିଛି । ଓଡ଼ିଶା ସରକାରଙ୍କ ଦ୍ୱାରା ଅନୁମୋଦିତ ୫୧ଟି ହସ୍ତଶିଳ୍ପକୁ ଆଧାର କରି ୧,୬୦,୦୦୦ରୁ ଊର୍ଦ୍ଧ୍ୱ କାରିଗରମାନେ ବିଭିନ୍ନ ସାମଗ୍ରୀ ଉତ୍ପାଦନ କରୁଛନ୍ତି । ହସ୍ତଶିଳ୍ପ କଳାକୃତି ପାଇଁ ଆମ ରାଜ୍ୟ ଓଡ଼ିଶା ବହୁସଂଖ୍ୟାରେ ଜାତୀୟ ପୁରସ୍କାର ପାଇବାର ଗୌରବ ଅର୍ଜନ କରିଛି । ଅଦ୍ୟାବଧି ୧୯୩ ଜଣ ହସ୍ତଶିଳ୍ପୀ ଜାତୀୟ ପୁରସ୍କାର ପାଇଥିବାବେଳେ ତନ୍ମଧ୍ୟରୁ ୫ ଜଣ ପଦ୍ମ ପୁରସ୍କାର, ୧୩ ଜଣ ଶିଳ୍ପଗୁରୁ ପୁରସ୍କାରରେ ସମ୍ମାନିତ ହୋଇଛନ୍ତି । ଏତଦ୍‌ବ୍ୟତୀତ ୩୪୨ ଜଣ ହସ୍ତଶିଳ୍ପୀ ରାଜ୍ୟସ୍ତରୀୟ ପୁରସ୍କାର ଗ୍ରହଣ କରିଛନ୍ତି ।

ଓଡ଼ିଶା ସରକାର ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗ ମାଧ୍ୟମରେ ହସ୍ତଶିଳ୍ପର ବିକାଶ ପାଇଁ ବିଭିନ୍ନ ପ୍ରୋତ୍ସାହନ ପ୍ରଦାନ କରୁଛନ୍ତି । ବଜାର ସହାୟତା ପାଇଁ ପ୍ରଦର୍ଶନୀମାନ ଆୟୋଜନ କରାଯାଉଛି । କାରିଗର, ସ୍ୱୟଂ ସହାୟକ ଗୋଷ୍ଠୀ, ଶୀର୍ଷ ଅନୁଷ୍ଠାନ ଓ ସମବାୟ ସମିତିମାନଙ୍କୁ ଦକ୍ଷତା ବୃଦ୍ଧି, କାରିଗରୀ କୌଶଳ ବୃଦ୍ଧି ତାଲିମ, ଉନ୍ନତ ମାନର ଯନ୍ତ୍ରପାତି, ବ୍ୟାଙ୍କ ଋଣ ସହାୟତା, ଭିତ୍ତିଭୂମିର ବିକାଶ, ନମୁନା ବିକାଶ, ପ୍ରଦର୍ଶନୀ ମାଧ୍ୟମରେ ବଜାର ସହାୟତା ଇତ୍ୟାଦି ଯୋଗାଇ ଦିଆଯାଉଛି । ଏଥି ସହିତ ହସ୍ତଶିଳ୍ପ ସାମଗ୍ରୀ ପାଇଁ ଅନ୍‌ଲାଇନ୍ ମାର୍କେଟିଂର ବ୍ୟବସ୍ଥା କରାଯାଉଛି ।

ପ୍ରମୋଦିନୀ ଟେଟେ
ସୂଚନା ଅଧିକାରୀ